**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**02 July - 2024**

**News Editor : *Itishree Singh Rathaur***

**********************************

# ରାଷ୍ଟ୍ରପତିଙ୍କ ଓଡିଶା ଗସ୍ତ

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କ ଓଡିଶା ଗସ୍ତକୁ ଦୃଷ୍ଟିରେ ରଖି ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ଲୋକସେବା ଭବନରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଛି । ଏଥିରେ ରାଷ୍ଟ୍ରପତିଙ୍କ ସୁରକ୍ଷା ବ୍ୟବସ୍ଥା, ରହଣି, ସମସ୍ତ କାର୍ଯ୍ୟକ୍ରମ ସ୍ଥଳରେ ନିରବଚ୍ଛିନ୍ନ ବିଦ୍ୟୁତ ସରବରାହ ଆଦି ନେଇ ଆଲୋଚନା ହୋଇଥିଲା । ରାଷ୍ଟ୍ରପତିଙ୍କ ଗସ୍ତ କାର୍ଯ୍ୟକ୍ରମକୁ ସୁଚାରୁରୂପେ ସମ୍ପାଦନା ପାଇଁ ଶ୍ରୀ ଆହୁଜା ଅଧିକାରୀମାନଙ୍କୁ ସମନ୍ୱୟ ରକ୍ଷା କରିବାକୁ ପରାମର୍ଶ ଦେଇଥିଲେ । ସୂଚନା ଅନୁସାରେ ରାଷ୍ଟ୍ରପତି ଆସନ୍ତା ୬ରୁ ୯ତାରିଖ ପର୍ଯ୍ୟନ୍ତ ଓଡିଶା ଗସ୍ତରେ ଆସୁଛନ୍ତି । ସେ ୬ତାରିଖ ସନ୍ଧ୍ୟାରେ ଭୁବନେଶ୍ୱର ଜୟଦେବ ଭବନଠାରେ ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କର ୯୬ତମ ଶ୍ରାଦ୍ଧବାର୍ଷିକୀରେ ଯୋଗଦେବେ । ସେହିଭଳି ୭ତାରିଖରେ ପୁରୀ ଗସ୍ତ କରି ରଥଯାତ୍ରା ଦର୍ଶନ କରିବେ । ୮ ତାରିଖରେ ରାଷ୍ଟ୍ରପତି ଭୁବନେଶ୍ୱର ପ୍ରତ୍ୟାବର୍ତ୍ତନ କରି ପୂର୍ବାହ୍ନରେ ଖଣ୍ଡଗିରି ଏବଂ ଉଦୟଗିରି ଗୁମ୍ଫା ପରିଦର୍ଶନ କରିବା ସହ ବି କେ କଲେଜ ଅଫ ଆର୍ଟ ଆଣ୍ଡ କ୍ରାଫ୍ଟ କଲେଜରେ ଛାତ୍ରଛାତ୍ରୀଙ୍କ ସହ ବାର୍ତ୍ତାଳାପ କରିବାର କାର୍ଯ୍ୟକ୍ରମ ରହିଛି । ସେହିଦିନ ଅପରାହ୍ନରେ ଶ୍ରୀମତୀ ମୁର୍ମୁ

ଭୁବନେଶ୍ୱର ମେଣ୍ଢାଶାଳ ସ୍ଥିତ ଡିଭାଇନ ରିଟ୍ରିଟ୍ ସେଣ୍ଟରରେ ଏକ  କାର୍ଯ୍ୟକ୍ରମରେ ଯୋଗଦେବେ । ୯ତାରିଖ ପୂର୍ବାହ୍ନରେ ଜଟଣୀ ସ୍ଥିତ ଜାତୀୟ ବିଜ୍ଞାନ ଶିକ୍ଷା ଓ ଗବେଷଣା ପ୍ରତିଷ୍ଠାନର ସ୍ନାତକ ସମାରୋହରେ ରାଷ୍ଟ୍ରପତି ଯୋଗ ଦେବେ ଏହା ପରେ ସେ ଦିଲ୍ଲୀ ପ୍ରତ୍ୟାବର୍ତ୍ତନ କରିବେ ବୋଲି ଜଣାପଡିଛି ।

# ଦିବ୍ୟସିଂହ ଦେବ-ମୁଖ୍ୟମନ୍ତ୍ରୀ

ଗଜପତି ମହାରାଜା ଦିବ୍ୟସିଂହ ଦେବ ଗତକାଲି ରାଜ୍ୟ ଅତିଥିଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝିଙ୍କୁ ଭେଟିଥିଲେ । ଏହି ଅବସରରେ ଶୃଙ୍ଖଳିତ ରଥଯାତ୍ରାର ଆୟୋଜନ, ନୀତିକ୍ରାନ୍ତି ଆଦି ପ୍ରସଙ୍ଗରେ ଆଲୋଚନା ହୋଇଥିବା ଜଣାପଡିଛି। ଏହି ସମୟରେ ଆଇନମନ୍ତ୍ରୀ ପୃଥୀରାଜ ହରିଚନ୍ଦନ ମଧ୍ୟ ଉପସ୍ଥିତ ଥିଲେ ।

# ଇ-ଫାଇଲିଂ

ଓଡିଶା ହାଇକୋର୍ଟରେ ଆସନ୍ତା ଜୁଲାଇ ୧୫ରୁ ମାମଲାଗୁଡିକର ଇ-ଫାଇଲିଂ କୁ ବାଧ୍ୟତାମୂଳକ କରାଯାଇଛି । ଏ ନେଇ ଏକ ବିଜ୍ଞପ୍ତି ପ୍ରକାଶ ପାଇଛି । ଇ-ଫାଇଲିଂ ପୋର୍ଟାଲ ୩.୦ ଜରିଆରେ ଇ-ଫାଇଲିଂ ହେବ। ଏହି ବ୍ୟବସ୍ଥାକୁ ପ୍ରୋତ୍ସାହିତ କରିବାପାଇଁ ଆଇନଜୀବୀମାନଙ୍କ ପାଇଁ ହାଇକୋର୍ଟ ପରିସରରେ ଏକ ସ୍କାନିଂ ସେଣ୍ଟର ପ୍ରତିଷ୍ଠା କରାଯାଇଛି । ଏ ସଂକ୍ରାନ୍ତରେ ଗତକାଲିଠାରୁ ଏକ ତାଲିମ କାର୍ଯ୍ୟକ୍ରମ ଆରମ୍ଭ ହୋଇଛି ।

## ପ୍ରତିଷ୍ଠା ଦିବସ-ସମ୍ବଲପୁର

ସମ୍ବଲପୁର ବୁର୍ଲାସ୍ଥିତ ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱ ବିଦ୍ୟାଳୟର ଗତକାଲି ପ୍ରତିଷ୍ଠା ଦିବସ ଅବସରରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ତଥା ସମ୍ବଲପୁରର ସାଂସଦ ଧର୍ମେନ୍ଦ୍ର ପ୍ରଧାନ ଏକ ବାର୍ତ୍ତାରେ ଏହି ବିଶ୍ୱବିଦ୍ୟାଳୟକୁ ବିଶ୍ୱସ୍ତରୀୟ ମାନ୍ୟତା ପ୍ରଦାନ ପାଇଁ ଉଦ୍ୟମ କରାଯିବ ବୋଲି କହିଥିଲେ । ସେହିଭଳି କୁଳପତି ପ୍ରଫେସର ବଂଶୀଧର ମାଝି ସମସ୍ତ ଅଧ୍ୟାପକ ଓ କର୍ମଚାରୀମାନଙ୍କୁ ଗବେଷଣା ଓ ଉଦ୍ଭାବନର ଉନ୍ନତି ଦିଗରେ କାର୍ଯ୍ୟ କରିବାକୁ ପରାମର୍ଶ ଦେଇଥିଲେ ।

## ୟୁପିଏସସି ପରୀକ୍ଷା ଫଳ

କେନ୍ଦ୍ରୀୟ ଲୋକସେବା ଆୟୋଗ-ୟୁପିଏସସି ଦ୍ୱାରା ପରିଚାଳିତ ସିଭିଲ ସର୍ଭିସ ପ୍ରିଲିମନାରୀ ପରୀକ୍ଷା ଫଳ ଗତକାଲି ପ୍ରକାଶ ପାଇଛି । ଏଥିରେ ୧୪ହଜାର ୪୩୦ଜଣ ପରୀକ୍ଷାର୍ଥୀ କୃତକାର୍ଯ୍ୟ ହୋଇଛନ୍ତି । ପରୀକ୍ଷାର୍ଥୀମାନେ କମିଶନଙ୍କ ୱେବସାଇଟ୍- upsc.gov.in ରେ ଏହି ପରୀକ୍ଷାଫଳ ପାଇପାରିବେ । ପ୍ରିଲିମନାରୀ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଥିବା ପରୀକ୍ଷାର୍ଥୀ ଡିସେମ୍ବର ୨୦ ତାରିଖରେ ସିଭିଲ ସର୍ଭିସ ମେନ ପରୀକ୍ଷା ଦେବେ ।

## ଯୁକ୍ତଦୁଇ ନାମଲେଖା

ଚଳିତ ଶିକ୍ଷାବର୍ଷ ପାଇଁ ଯୁକ୍ତଦୁଇ ପ୍ରଥମ ବର୍ଷରେ ନାମଲେଖା ନିମନ୍ତେ ଆବେଦନ ଅବଧିକୁ ଆସନ୍ତା ୧୨ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି ।

ସୂଚନା ଅନୁସାରେ ଏଥିପାଇଁ ଆସନ୍ତା ୨୦ତାରିଖରେ ପ୍ରଥମ ପର୍ଯ୍ୟାୟ ମେଧାତାଲିକା ପ୍ରକାଶ ପାଇବ । ଚୟନ ହୋଇଥିବା ଛାତ୍ରଛାତ୍ରୀ ୨୨ରୁ ୨୭ତାରିଖ ମଧ୍ୟରେ ନାମ ଲେଖାଇ ପାରିବେ ।

# ରଥଯାତ୍ରା

ପୁରୀ ପ୍ରସିଦ୍ଧ ରଥଯାତ୍ରାର ସୁପରିଚାଳନା ପାଇଁ ବିଭିନ୍ନ ଜିଲ୍ଲାରେ ନିୟୋଜିତ ଥିବା ୯୦ଜଣ ଓଏଏସ୍ ଓ ଓଆରଏସ୍ ଅଧିକାରୀଙ୍କୁ କାର୍ଯ୍ୟନିର୍ବାହୀ ମାଜିଷ୍ଟ୍ରେଟ ଭାବେ ନିଯୁକ୍ତି ଦିଆଯାଇଛି । ଏ ନେଇ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ଜାରି ହୋଇଛି । ବିଭିନ୍ନ ଜିଲ୍ଲାରେ ତହସିଲଦାର, ବିଡିଓ ଓ କାର୍ଯ୍ୟନିବାହୀ ଅଧିକାରୀଭାବେ କାର୍ଯ୍ୟ କରୁଥିବା ଏହି ଅଧିକାରୀମାନେ ମୁଖ୍ୟତଃ ଆଇନ ଶୃଙ୍ଖଳା ବ୍ୟବସ୍ଥାର ତଦାରଖ କରିବେ ବୋଲି ଜଣାପଡିଛି ।

# ପୁରୀ ଶାନ୍ତିଶୃଙ୍ଖଳା

ପୁରୀ ରଥଯାତ୍ରା ସମୟରେ ଶାନ୍ତି ଶୃଙ୍ଖଳା ରକ୍ଷା ପାଇଁ ପୁଲିସ ମହାନିର୍ଦ୍ଦେଶକ ଅରୁଣ ଷଡଙ୍ଗୀ ଗତକାଲି ସୁରକ୍ଷା ବ୍ୟବସ୍ଥାର ସମୀକ୍ଷା କରିଛନ୍ତି । ଏହି ଅବସରରେ ସେ କହିଛନ୍ତି ରଥଯାତ୍ରା ସମୟରେ ପୁରୀରେ ୧୮୦ପ୍ଲାଟୁନ ଫୋର୍ସ ମୁତୟନ ରହିବେ । ସେହିଭଳି ଡ୍ରୋନ ସାହାଯ୍ୟରେ ପାର୍କିଂ ସ୍ଥାନର ଅନୁଧ୍ୟାନ କରାଯିବ । ସାମାଜିକ ଗଣମାଧ୍ୟମରେ ଲୋକଙ୍କୁ ପାର୍କିଂ ଅଞ୍ଚଳର ସ୍ଥିତି ବିଷୟରେ ସୂଚନା ଦିଆଯିବ ।

# ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ଦୁର୍ବଳ ହୋଇ ଘୂର୍ଣ୍ଣିବଳୟରେ ପରିଣତ ହୋଇଛି । ଏହାର ପ୍ରଭାବରେ ରାଜ୍ୟରେ ଆଜିଠାରୁ ବର୍ଷାର ପରିମାଣ ହ୍ରାସ ପାଇବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୁହାଯାଇଛି । ଆସନ୍ତା ୨୪ଘଣ୍ଟା ମଧ୍ୟରେ ସୁନ୍ଦରଗଡ, ଝାରସୁଗୁଡା, କେନ୍ଦୁଝର, ଦେବଗଡ, ମୟୂରଭଞ୍ଜ, ବାଲେଶ୍ୱର, ଯାଜପୁର, କେନ୍ଦ୍ରାପଡା, କଟକ ଓ ଜଗତସିଂହପୁର ଜିଲ୍ଲାରେ ବିଜୁଳି ଓ ଘଡଘଡି ସହ ବର୍ଷା ହେବାର ସମ୍ଭାବନା ରହିଛି ।

ଅନ୍ୟପକ୍ଷରେ ଜୁନ ପହିଲାରୁ ଗତକାଲି ପର୍ଯ୍ୟନ୍ତ ରାଜ୍ୟରେ ୧୬୪ମିଲିମିଟର ବର୍ଷା ହୋଇଛି । ଏହା ସ୍ୱାଭାବିକ ବର୍ଷାଠାରୁ ୨୪ ପ୍ରତିଶତ କମ୍ ବୋଲି ଜଣାପଡିଛି । ଏହି ସମୟ ମଧ୍ୟରେ ୧୩ଟି ଜିଲ୍ଲାରେ ସ୍ୱାଭାବିକ ବର୍ଷା ହୋଇଥିବାବେଳେ ୧୫ଟି ଜିଲ୍ଲାରେ ନିଅଣ୍ଟିଆ ବର୍ଷା ହୋଇଛି ବୋଲି ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୁହାଯାଇଛି ।